# ତହସିଲ କାର୍ଯ୍ୟାଳୟ, ପଦ୍ମପୁର, ଜି. ବରଗଡ଼

## ବିଜ୍ଞାପନ ସଂଖ୍ୟା. ୨୦୩୫ / ତା. ୧୨.୦୬.୨୦୨୦

## (ଲଘୁ ଖଣିଜ ଉତ୍ସର ଦୀର୍ଘମିଆଦି ଲିଜ୍ ନିମନ୍ତେ ଇସ୍ତାହାର)

COURT OF THE TAHASILDAR PADAMPUR

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ପଦ୍ମପୁର ତହସିଲ ଅନ୍ତର୍ଗତ ଲଘୁ ଖଣିଜ ଉତ୍ସଗୁଡିକ OMMC Rules-2016 ମୁତାବକ ଦୀର୍ଘମିଆଦୀ ଲିଜ ସୂତ୍ରରେ ଆସନ୍ତା 5 (ପାଞ୍ଚ) ବର୍ଷ ନିମନ୍ତେ ନିଲାମ ପାଇଁ ଦରଖାସ୍ତ ଆହ୍ୱାନ କରାଯାଉଅଛି । ଇଛୁକ ବ୍ୟକ୍ତିବିଶେଷ OMMC Rules-2016 ରେ ପ୍ରଦତ୍ତ (Form- M) ରେ3 (ତିନି) କପି ଆବେଦନ ପତ୍ର ସହ ଆବଶ୍ୟକୀୟ କାଗଜାତରନକଲ ସଂଲଗ୍ନ କରି ସିଲ ଲଫାଫା ଉପରେ ସୈରାତ ଉତ୍ସର ନାମ ଉଲ୍ଲେଖ କରି ତହସିଲଦାର ପଦ୍ମପୁରଙ୍କ କାର୍ଯ୍ୟାଳୟ ଠିକଣା ରେ କେବଳ Speed Post/ Regn. Post ମାଧ୍ୟମରେପ୍ରେରଣ କରିବେ ଯାହାକି ତା. 07.07.2020 ରିଖ ସୁଦ୍ଧା ତହସିଲଦାରଙ୍କ କାର୍ଯ୍ୟାଳୟ ରେ ପ୍ରାପ୍ତ ହେବା ଆବଶ୍ୟକ । ତା. 09.07.2020 ରିଖ ଦିବା 11.00 ସମୟରେ ଲିଜ ଦରଖାସ୍ତକାରୀ କିମ୍ବା ତାଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ଦରଖାସ୍ତଗୁଡିକ ତନଖି କରାଯାଇ ସର୍ବୋଚ୍ଚ ଅତିରିକ୍ତ ଦେୟ ଉଲ୍ଲେଖ କରିଥିବା ଭିତ୍ତିରେ ଯୋଗ୍ୟ ଲିଜ ଧାରୀ ଚୟନ କରାଯିବ । ଧାର୍ଯ୍ୟ ସମୟ ପରେ ପ୍ରାପ୍ତ ଓ ଅସଂପୂର୍ଣ୍ଣ ଦରଖାସ୍ତ ଗୁଡିକ ବାତିଲ କରାଯିବ । ଯେଉଁ ଉତ୍ସ ଗୁଡିକର ନିର୍ଦ୍ଧାରିତ ତାରିଖରେ ଆବେଦନ ପତ୍ର ମିଳିନଥିବ କିମ୍ବା ଲିଜ ଚୁଡାନ୍ତ ହୋଇ ନଥିବ ସେହି ଉତ୍ସ ଗୁଡିକ ପାଇଁ ଦ୍ୱୀତୀୟ ଓ ତୃତୀୟ ଥର ପାଇଁ ଯଥାକ୍ରମେ ତା. 23.07.2020 ରିଖ ଓ ତା 07.08.2020 ରିଖ ମଧ୍ୟାହ୍ନ 12.00 ଘଟିକା ପର୍ଯ୍ୟନ୍ତ ଆବେଦନ ଗ୍ରହଣ କରାଯିବ ଏବଂ ଉକ୍ତ ଦିନ ଅପରାହ୍ନ 3.30 ଘଟିକା ସମୟରେ ପୂର୍ବମତେ ଦରଖାସ୍ତ ଗୁଡିକୁ ତନଖି କରାଯିବ । ଏହାର ସବିଶେଷ ବିବରଣି ଜିଲ୍ଲା website (www.bargarh.nic.in) ରେ ଉପଲବ୍ଧ । ଏତଦ୍ ବ୍ୟତୀତ ସୈରାତ ଉତ୍ସଗୁଡିକର ବିଶଦ ବିବରଣୀ ତହସିଲ କାର୍ଯ୍ୟାଳୟରେ ଯେ କୌଣସି କାର୍ଯ୍ୟଦିବସରେ ମଧ ଦେଖି ପାରିବେ ।

12/6/20

ତହସିଲଦାର ପଦ୍ମପୁର

TAHASILDAR
PADAMPUR

# ଦରଖାସ୍ତ ସହ ଦାଖଲ କରିବାକୁ ଥିବା ଦସ୍ତାବିଜ୍

1. ଦରଖାସ୍ତ ପାଉଣା ବାବଦ ଟ. 1000.00 (ଏକ ହଜାର ଟଙ୍କା ମାତ୍ର) (ଅଣ-ଫେରସ୍ତ) ଟ୍ରେଜେରୀ ଚାଲାଣ (Head of Account-0853-Non-Ferous Mining and Metallurgical Industries-102 Mineral Concession Fees, Rents and Royalties) ରେ ଦାଖଲ କରିବେ ।
2. କୌଣସି ମାଇନିଂ ବାବଦକୁ ବକେୟା ଦେୟ ନ ଥିବା ନେଇ ଏକ ସତ୍ୟପାଠ କରିବେ ।
3. IT Returns ଏବଂ ଅନ୍ୟୁନ 18 ମାସ ପର୍ଯ୍ୟନ୍ତ କାଏମ ଥିବା ବ୍ୟାଙ୍କ ଗ୍ୟାରେଣ୍ଟି/ ଋଣ ପରିଶୋଧ କ୍ଷମତା ପ୍ରମାଣପତ୍ର (Solvency Certificate) ଯାହାକି ଦରଖାସ୍ତ କରୁଥିବା ସୈରାତ ଉତ୍ସ ର ବାର୍ଷିକ ମୂଲ୍ୟ {Mining guarantee quantity x (Royalty + Additional Charge)} ଠାରୁ ଅଧିକ ହୋଇଥିବା ଆବଶ୍ୟକ ।
4. Earnest Money ପାଇଁ Demand Draft (in favour of Tahasildar, Padampur) ଯାହାର ମୂଲ୍ୟ ଅତିରିକ୍ତ ଚାର୍ଜ (Addl. Charge) ଏବଂ Royalty (ଏକ ବର୍ଷ) ର 5% ଠାରୁ କମ ହୋଇନଥିବ । [EMD = 5% of {Minimum Guaranteed Quantity x (Royalty + Additional Charges)}]

12/6/20

ତହସିଲଦାର ପଦ୍ମପୁର

TAHASILDAR
PADAMPUR

## ବିଶେଷ ସର୍ତ୍ତାବଳୀ

1. ଆବେଦନକାରୀ/ଲିଜଧାରୀ ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ଆଇନ, OMMC Rules- 2016 ର ପରିସରଭୁକ୍ତ ରହିବେ ।
2. ପ୍ରଚଳିତ ନିୟମ ଅନୁଯାୟୀ ଅତିରିକ୍ତ ଦେୟର Additional Charge ମୂଲ୍ୟ ଉପରେ ସର୍ବୋଚ୍ଚ ମୂଲ୍ୟଦର୍ଶାଇ ଥିବା ନିଲାମଧାରୀଙ୍କ ଦରଖାସ୍ତକୁ ଲିଜ ପ୍ରଦାନ ନିମନ୍ତେ ଚୟନ କରାଯିବ । ଯଦି 1 ରୁ ଅଧିକ ଦରଖାସ୍ତକାରୀ ସମାନ ସର୍ବୋଚ୍ଚ ମୂଲ୍ୟ ପ୍ରଦାନ କରିଥିବେ ତେବେ ଲଟେରୀ ମାଧ୍ୟମରେ ଲିଜଧାରୀଙ୍କୁ ଚୟନ କରାଯିବ ।
3. ଲିଜ୍ ରେ ଅଂଶ ଗ୍ରହଣ କରୁଥିବା ବ୍ୟକ୍ତିବିଶେଷ ଉତ୍ସଗୁଡିକ ପରିଦର୍ଶନ କରି ପରିଚାଳନା ପାଇଁ ଗମନା ଗମନ ସୁବିଧା, ଗଚ୍ଛିତ ଥିବା ଲଘୁ ଖଣିଜ ଦ୍ରବ୍ୟ ଓ ଅନ୍ୟାନ୍ୟ ଆନୁଷାଙ୍ଗିକ ସୁବିଧା ସଂପର୍କରେ ପର୍ଯ୍ୟବେକ୍ଷଣ କରି ଦରଖାସ୍ତ କରିବା ଆବଶ୍ୟକ । ଲିଜ୍ ନେବା ପରେ ସୈରାତ ଚଳାଇବା ସଂପର୍କରେ କୌଣସି ଅଭିଯୋଗ ଗ୍ରହଣୀୟ ହେବ ନାହିଁ ତଥା କୌଣସି ପ୍ରାକୃତିକ ବିପର୍ଯ୍ୟୟ ନିମନ୍ତେ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ।
4. ଲିଜ୍ ସୂତ୍ରେ ନେବାକୁ ଇଚ୍ଛୁକ ଥିବା ବ୍ୟକ୍ତି ଦରଖାସ୍ତରେ ଲଘୁ ଖଣିଜ ଦ୍ରବ୍ୟର ସରକାରଙ୍କ ଦ୍ୱାରା ଅତିରିକ୍ତ ଦେୟ ର (Additional Charge) ମୂଲ୍ୟଠାରୁ କମ୍ ମୂଲ୍ୟ ଦର୍ଶାଇଲେ ଦରଖାସ୍ତଟି ଗ୍ରହଣୀୟ ହେବ ନାହିଁ ଏବଂ ଦରଖାସ୍ତଟି ନାକଚ ହେବ ।
5. ଲିଜ୍ ନିମନ୍ତେ ଯୋଗ୍ୟ ସୈରାତ ଉତ୍ସର ବାର୍ଷିକ ଦେୟ {Minimum guarantee quantity x (Royalty + Additional Charge)} + Amount of contribution payable to DMF ର ଏକ ଚତୁର୍ଥାଂଶ ରାଶି (EMD କୁ ବାଦ ଦେଇ) ଲିଜ ଚୁଡାନ୍ତ ହେବାର 15 ଦିନ ମଧ୍ୟରେ ପ୍ରାଧିକୃତ ଅଧିକାରୀଙ୍କ ପାଖରେ ଦାଖଲ କରିବେ, ଯାହାକି ସୁଧ ବିହୀନ ଅମାନତ ରାଶି (Security) ହିସାବରେ ରଖାଯିବ ।

6. Environment Clearance ମଞ୍ଜୁରି ପରେ ଲିଜ ଧାରୀ ଏକ ବର୍ଷ ପାଇଁ Surface Rent,Dead Rent ଏବଂ Royalty ର 5% EMF, 10% District Mineral Foundation (DMF) ଏବଂ 2% TCS (IT) ଓ ପ୍ରଯୁଜ୍ୟ GSTବାବଦକୁ ରାଶି ପୈଠ କରିବେ । ସଂପୂର୍ଣ୍ଣ ରାଶି ପୈଠ ହେଲାପରେ ଲିଜ୍ ଧାରୀ ରେଜିଷ୍ଟ୍ରେଷନ ଆକ୍ଟ 1908 ଓ ଷ୍ଟାମ୍ପ ଆକ୍ଟ 1999 ଅନୁଯାୟୀ ଚୁକ୍ତି ପତ୍ରନିଜ ଖର୍ଚ୍ଚରେ ସଂପାଦନ କରିବେ ।

7. ଯଦି ଯୋଗ୍ୟ ବିବେଚିତ ଚୁକ୍ତି ସମ୍ପାଦନ ପୂର୍ବରୁ ମୂଲ୍ୟ ଜମା ନ କରନ୍ତି ତେବେ ତାଙ୍କର EMD ବ୍ୟାଜାପ୍ତି ହେବ ।

8. ଯଦି ସର୍ବାଧିକ ରୟାଲ୍ଟି ଦର୍ଶାଇଥିବା ବ୍ୟକ୍ତି ସର୍ତ୍ତାବଳୀରେ ଖିଲାପ କରନ୍ତି ତେବେ ତାଙ୍କ ପରବର୍ତ୍ତୀ ସର୍ବାଧିକ ଅତିରିକ୍ତ ଦେୟ ଦର୍ଶାଇଥିବା ବ୍ୟକ୍ତିଙ୍କୁ କ୍ରମାନ୍ୱୟରେ ସୁଯୋଗ ଦିଆଯିବ ।

9. ଦରଖାସ୍ତକାରୀ Mines Act, 1952 ଓ Explosive Act, 1984 ର ସମସ୍ତ ନିୟମାବଳୀର ଅନ୍ତର୍ଭୁକ୍ତ ରହିବେ ।

10. ଲିଜ ଧାରୀ ସୈରାତ ଉତ୍ସ ର ନକ୍ସା ଅନୁଯାଇ ସିମେଣ୍ଟ ଖୁଣ୍ଟ ଦ୍ୱାରା ବାଡ ଦେଇ ଚିହ୍ନଟ କରିବେ ଓ ସମ୍ମୁଖ ଭାଗ ରେ ପ୍ରତିଫଳକ ବୋର୍ଡ ତିଆରି କରି ସେଥିରେ ସୈରାତ ଉତ୍ସ ର ନାମ ତଥା ମଞ୍ଜୁର ହୋଇଥିବା ଆର୍ଥିକ ବର୍ଷ ଏବଂ ଅନ୍ୟାନ୍ୟ ସୂଚନା ଉଲ୍ଲେଖ କରିବେ । ଏ ସବୁ କାର୍ଯ୍ୟ ସମ୍ପାଦନ ଲିଜ ଧାରୀ ନିଜ ଖର୍ଚ୍ଚରେ କରିବେ ।

11. Reserve Assessment Report, Mining Plan and Environmental Clearance ବାବଦକୁ ହୋଇଥିବା ଖର୍ଚ୍ଚ ଲିଜ ଧାରୀ ନିଜେ ବହନ କରିବେ ।

12. ଉପରୋକ୍ତ ସମସ୍ତ ସର୍ତ୍ତାବଳୀ ପୁରଣ ହେଲାପରେ କାର୍ଯ୍ୟାଦେଶ ଦିଆଯିବ । କ୍ଷମତା ପ୍ରାପ୍ତ ଅଧିକାରୀ ଙ୍କ ଠାରୁ କାର୍ଯ୍ୟାଦେଶ ନମିଳିବା ପର୍ଯ୍ୟନ୍ତ ଲିଜଧାରୀ ସୈରାତ ଉତ୍ସରୁ ଲଘୁ ଖଣିଜ ଦ୍ରବ୍ୟ ଉତ୍ତୋଳନ କରି ପାରିବେ ନାହିଁ । କାର୍ଯ୍ୟାଦେଶ ନପାଇଲା ପର୍ଯ୍ୟନ୍ତ ସୈରାତ ଉତ୍ସରୁ ଉତ୍ତୋଳନ ଓ ପରିବହନ ହୋଇଥିବା ଲଘୁ ଖଣିଜ ଦ୍ରବ୍ୟ କୁ ବେଆଇନ ଧରାଯିବ ।

13. କୌଣସି କାରଣ ନଦର୍ଶାଇ ଲିଜ କାର୍ଯ୍ୟ ବାତିଲ ବା ସ୍ଥଗିତ କରି ପାରିବା କ୍ଷମତାପ୍ରାପ୍ତ ଅଧିକାରୀ ଙ୍କ ପରିସର ଭୁକ୍ତ ଅଟେ ।

14. ଯେକୌଣସି ମୁହୂର୍ତ୍ତରେ ଯଦି ନିୟମରେ କିଛି ପରିବର୍ତ୍ତନ ଘଟେ ତେବେ, ଲିଜଧାରୀ ପରିବର୍ତ୍ତିତ ନିୟମ ମାନିବାକୁ ବାଧ ହେବେ ।

15. ଲିଜ ସମ୍ବନ୍ଧିୟ ସର୍ତ୍ତାବଳୀ କାର୍ଯ୍ୟାଳୟରେ ଛୁଟିଦିନ ବ୍ୟତିତ ସମସ୍ତ କାର୍ଯ୍ୟ ଦିବସରେ ଦେଖିପାରିବେ । ଏହା ବ୍ୟତୀତ ଇସ୍ତାହାରର ସମସ୍ତ ବିବରଣୀ ଜିଲ୍ଲା website (www.bargarh.nic.in) ରେ ମଧ୍ୟ ଦେଖିପାରିବେ ।

12/6/20

ତହସିଲଦାର ପଦ୍ମପୁର
TAHASILDAR
PADAMPUR